# ଭୁବନେଶ୍ୱର ମହାନଗର ନିଗମ, ଭୁବନେଶ୍ୱର

## ଏଜ୍ୟୁକେଶନ୍, ରିକ୍ରିଏସନ୍ ଆଣ୍ଡ୍ କଲ୍‌ଚର୍ ଷ୍ଟାଣ୍ଡିଂ କମିଟି ବୈଠକ ବିବରଣୀ

ତା ୧୪.୦୯.୨୦୨୨ ରିଖ

ସମୟ-ପୂର୍ବାହ୍ନ ଘ.୧୧.୦୦ ଟିକା
ସ୍ଥାନ- ନିଗମ ସଭାକକ୍ଷ "ଏକାମ୍ର"

ଉପସ୍ଥିତ ସଭ୍ୟ/ସଭ୍ୟା:-

୧. ଶ୍ରୀ ମିହିର କୁମାର ରାଉତ, ଚେୟାରମ୍ୟାନ୍,
୨. ଶ୍ରୀ ଲାଲ୍‌ମୋହନ ଟୁଡୁ,
୩. ମୋନାଲିସା ବେହେରା,
୪. ଶ୍ରୀ ଅପରୁପ ନାରାୟଣ ରାଉତ,
୫. ଶ୍ରୀମତୀ ସୁଚିତ୍ରା ପାତ୍ର,
୬. ଶ୍ରୀ ରଶ୍ମି ରଞ୍ଜନ ପାଟଶାଣୀ,
୭. ଶ୍ରୀ ରାମଚନ୍ଦ୍ର ରଣସିଂହ

ଅଦ୍ୟ ତା ୧୪.୦୯.୨୦୨୨ ରିଖ ପୂର୍ବାହ୍ନ ଘ. ୧୧.୦୦ ଟିକା ସମୟରେ ନିଗମ ସଭାକକ୍ଷ "ଏକାମ୍ର" ରେ ଭୁବନେଶ୍ୱର ମହାନଗର ନିଗମର ଏଜ୍ୟୁକେଶନ୍, ରିକ୍ରିଏସନ୍ ଆଣ୍ଡ୍ କଲ୍‌ଚର୍ ଷ୍ଟାଣ୍ଡିଂ କମିଟିର ଏକ ବୈଠକ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ କମିଟିର ସଭାପତି ଶ୍ରୀ ମିହିର କୁମାର ରାଉତ ସଭାପତିତ୍ୱ କରିଥିଲେ । ପ୍ରାରମ୍ଭରେ ସଭାପତି ଉପସ୍ଥିତ ସଭ୍ୟ/ସଭ୍ୟା ମାନଙ୍କୁ ସ୍ୱାଗତ କରିବା ପରେ ସଭା କାର୍ଯ୍ୟ ଆରମ୍ଭ ହୋଇଥିଲା ।

ପ୍ରସ୍ତାବ-୧. ସଭାପତିଙ୍କ ଅନୁମତି କ୍ରମେ ନିମ୍ନଲିଖିତ ପ୍ରସ୍ତାବ ଉପରେ ଆଲୋଚନା କରାଯାଇ ନିମ୍ନମତେ ସିଦ୍ଧାନ୍ତ ଗ୍ରହଣ କରାଗଲା ।

ନିର୍ଦ୍ଧାରଣ-୧(୧). ପରିବେଶକୁ ସୁସ୍ଥ ରଖିବା ପାଇଁ ଭୁବନେଶ୍ୱର ମହାନଗର ନିଗମାଂଚଳରେ ପ୍ରତ୍ୟେକ ୱାର୍ଡ଼ରେ ୧୦୦ ଗୋଟି ଲେଖାଏଁ ବୃକ୍ଷରୋପଣ କରିବା ପାଇଁ କମିଟି ତାଙ୍କ ନିର୍ଦ୍ଧାରଣ ସଂଖ୍ୟା-୧(୨) ତା ୦୪.୦୬.୨୦୨୨ ରିଖରେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରିଥିଲେ ମଧ ଆଜି ପର୍ଯ୍ୟନ୍ତ ନିଗମାଂଚଳରେ କୌଣସି ବୃକ୍ଷରୋପଣ ହୋଇପାରିଲା ନାହିଁ । ବର୍ଷାଋତୁ ଶେଷ ହେବାକୁ ଯାଉଅଛି, ବୃକ୍ଷରୋପଣ ହୋଇପାରିନଥିବାରୁ କମିଟି କ୍ଷୋଭ ପ୍ରକାଶ କଲେ । ଏହା ଉପରେ ଆବଶ୍ୟକ ପଦକ୍ଷେପ ନେବାପାଇଁ ସମ୍ପୃକ୍ତ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ନିର୍ଦ୍ଧାରଣ-୧(୨). କଳାକାର ଭତା ସମ୍ପର୍କରେ ଗତ ତା ୧୪.୦୭.୨୦୨୨ ରିଖ ନିର୍ଦ୍ଧାରଣ ସଂଖ୍ୟା-୧(୩) ରେ ଆଲୋଚନା ହୋଇଥିଲା । ଆଜିର ବୈଠକରେ ଡେ଼ପୁଟି କମିଶନର, ସୋସିଆଲ୍ ୱେଲ୍‌ଫେୟାର୍ ଉପସ୍ଥିତ ନଥିବାରୁ ଏହା ଉପରେ ଆଲୋଚନା ହୋଇପାରିଲା ନାହିଁ । ଆସନ୍ତା ବୈଠକରେ ଭତା ଉପ ବିଭାଗର ଅଧିକାରୀ ଉପସ୍ଥିତ ରହିବା ପାଇଁ ନିର୍ଦ୍ଦେଶ ଦେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ନିର୍ଦ୍ଧାରଣ-୧(୩). ଭୁବନେଶ୍ୱର ମହାନଗର ନିଗମାଂଚଳରେ ନିର୍ମାଣ ହେବାକୁ ଥିବା ପ୍ଲେ ଗ୍ରାଉଣ୍ଡ୍ ତାଲିକା ଆସନ୍ତା ମାସ ବୈଠକରେ ଉପସ୍ଥାପନ କରିବା ପାଇଁ ନିଗମର ନଗର ଯନ୍ତ୍ରୀଙ୍କୁ ନିର୍ଦ୍ଦେଶ ଦେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ସର୍ବ ଶେଷରେ ସମସ୍ତ ସଭ୍ୟ/ସଭ୍ୟା ମାନେ ବୈଠକରେ ଉପର ବର୍ଣ୍ଣିତ ଆଲୋଚନାରେ ଅଂଶଗ୍ରହଣ କରି ସୁଚିନ୍ତିତ ମତାମତ ପ୍ରଦାନ କରିଥିବାରୁ ସଭାପତି ସମସ୍ତଙ୍କୁ ଧନ୍ୟବାଦ ଦେବା ପରେ ଅପରାହ୍ନ ୧୨.୫୦ ମିନିଟ୍ ସମୟରେ ସଭା ସାଙ୍ଗ କରାଗଲା ।

ସ୍ୱା/- ମିହିର କୁମାର ରାଉତ
ସଭାପତି
ତା ୧୪.୦୯.୨୦୨୨ ରିଖ